ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/IPR(Od)/1283/21-11-2023**

# ରାଜ୍ୟସ୍ତରୀୟ ମହାନ ବିପ୍ଳବୀ ଶହୀଦ ଜୟୀ ରାଜଗୁରୁଙ୍କ ଜୟନ୍ତୀ ଅବସରରେ ଶହୀଦଙ୍କ ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ

ଭୁବନେଶ୍ୱର,୨୧/୧୧/୨୦୨୩:

ମହାନ ବିପ୍ଳବୀ ଶହୀଦ ଜୟୀ ରାଜଗୁରୁଙ୍କ ଜୟନ୍ତୀ ପାଳନ ଅବସରରେ ଆଜି ସକାଳେ ଏଜି ଛକସ୍ଥିତ ଶହୀଦଙ୍କ ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ କରାଯାଇଛି । ଜଙ୍ଗଲ, ପରିବେଶ ଓ ଜଳବାୟୁ ପରିବର୍ତ୍ତନ, ପଞ୍ଚାୟତିରାଜ ଓ ପାନୀୟ ଜଳ, ସୂଚନା ଓ ଲୋକସଂପର୍କ ମନ୍ତ୍ରୀ ଶ୍ରୀ ପ୍ରଦିପ କୁମାର ଅମାତ, ବିଧାୟକ ଶ୍ରୀ ପ୍ରଫୁଲ୍ଲ ସାମଲ ପ୍ରମୁଖ ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ କରିବା ସହ ଶହୀଦଙ୍କ ସ୍ମୃତିଚାରଣ କରିଥିଲେ ।

ସେହିପରି ଆଜି ପୂର୍ବାହ୍ନରେ ଶହୀଦ ଜୟୀ ରାଜଗୁରୁ ସ୍ମୃତି ପରିଷଦ, ଓଡ଼ିଶା ପକ୍ଷରୁ ସ୍ଥାନୀୟ ଜୟଦେବ ଭବନରେ '୧୮୦୪ ପାଇକ ବିଦ୍ରୋହ: ଜୟୀ ରାଜଗୁରୁଙ୍କ ଜୀବନୀ ଓ କାର୍ଯ୍ୟାବଳୀ' ଶୀର୍ଷକ ଆଲୋଚନା ଚକ୍ର ଅନୁଷ୍ଠିତ ହୋଇଯାଇଛି । ଏଥିରେ ବିଶିଷ୍ଟ ବ୍ୟକ୍ତିମାନେ ଯୋଗଦେଇ ଜୟୀ ରାଜଗୁରୁଙ୍କର ତ୍ୟାଗ ଓ ଦେଶପ୍ରେମ ଉପରେ ଆଲୋକପାତ କରିଥିଲେ ।

ଆଜି ସକାଳେ ଅନୁଷ୍ଠିତ ମାଲ୍ୟାର୍ପଣ କାର୍ଯ୍ୟକ୍ରମରେ ସୂଚନା ଓ ଲୋକସଂପର୍କ ବିଭାଗର ସହକାରୀ ନିର୍ଦ୍ଦେଶକ (କ୍ଷେତ୍ର) ସୁଚେତା ପ୍ରିୟଦର୍ଶିନୀ, ସୂଚନା ଅଧିକାରୀ ସୌରଭ ନାୟକ, ପ୍ରମୋଦିନୀ ଟେଟେ, ଓଡ଼ିଆ ଭାଷା, ସାହତ୍ୟ ଓ ସଂସ୍କୃତି ବିଭାଗର କର୍ତ୍ତବ୍ୟରତ ସ୍ୱତନ୍ତ୍ର ଅଧିକାରୀ ଶ୍ରୀ ଲକ୍ଷ୍ମୀଧର ବେହେରା, ସମାଜସେବୀ ବଦ୍ରି ମିଶ୍ର, ପ୍ରବୀର ମହାନ୍ତି, ରମେଶ ଚନ୍ଦ୍ର ପାତାଳସିଂହ ପ୍ରମୁଖ ଉପସ୍ଥିତ ଥିଲେ ।

ଜିତେନ୍ଦ୍ରୀୟ ଜେନା
ସୂଚନା ଅଧିକାରୀ